The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 459 CUTTACK, TUESDAY, MARCH 8, 2016/FALGUNA 18, 1937**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 08 ଫେବ୍ରୁଆରୀ 2016

ସଂଖ୍ୟା 4168—RDM-LAB-KPT-0007/2016-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ମୁଖ୍ୟ କେନାଲ ଖନନ ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା ଟିଙ୍ଗିରିପୁଟ, ଥାନା ବି. ସିଙ୍ଗିପୁର, ନଂ ୭୬, ତହସିଲ ବୋରିଗୁମ୍ମା, ଜିଲ୍ଲା କୋରାପୁଟରେ ନିମ୍ନ ତଫସିଲମତେ ପ୍ରାୟ 0.21ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, 2013 ର ଧାରା 11(1) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୁପ–ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପର ମୁଖ୍ୟ କେନାଲ ଖନନ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ–ନିର୍ବାହୀଯନ୍ତ୍ରୀ, ତେଲେଙ୍ଗିରି ମଧ୍ୟମ ଜଳସେଚନ ପ୍ରକଳ୍ପ,କେନାଲ ସେଚ ଖଣ୍ଡ,ବାରିଣିପୁଟ, କୋରାପୁଟ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ–କୌଣସି ବିସ୍ଥାପନ ହେଉନାହିଁ ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ–ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ–ଉପ ଜିଲ୍ଲାପାଳ,ଜୟପୁର, କୋରାପୁଟ ।

୬ । ଜମିର ବିବରଣୀ :–

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| କୋରାପୁଟ | ବୋରିଗୁମ୍ମା | ଟିଙ୍ଗିରିପୁଟ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ | ୦.୨୧ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ତଥା ବିସ୍ତୃତ ବିବରଣୀ କୋରାପୁଟ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି କୋରାପୁଟ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବନାହିଁ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 (ଷାଠିଏ)ଦିନ ମଧରେ କୋରାପୁଟ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## ଜମିର ବିଶଦ ବିବରଣୀ

| ଜିଲ୍ଲାର ନାମ | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ | ପ୍ଲଟ ନଂ | ଜମିର ମୋଟ ରକବା | ଅଧିସୂଚିତ ହେବାକୁଥିବା ଜମିର ପରିମାଣ | ରୟତର ନାମ ଏବଂ ପିତାଙ୍କ ନାମ |
|---|---|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) | (୮) | (୯) |
| କୋରାପୁଟ | ବୋରିଗୁମ୍ମା | ଟିଙ୍ଗିରିପୁଟ | ଗ୍ରାମାଞ୍ଚଳ | ୩୨ | ୧୧୬ | ୧.୭୬ | ୦.୨୧ | ପୁରୁଷୋତି ଜାନି, ପି. ଖଗପତି ଜାନି, ମାତା ମହାଫିସ ପ୍ରତିମା ଜାନିଆଣି । |
| | | | | | ମୋଟ୍ | . . | ୦.୨୧ | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସନାତନ ମଲିକ**

ଅତିରିକ୍ତ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1760—173+20